# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

### 13 June - 2025

**************************************

# ବିମାନ ଦୁର୍ଘଟଣା

ଗୁଜୁରାଟର ଅହମ୍ମଦାବାଦଠାରେ ଏୟାର ଇଣ୍ଡିଆର ବିମାନ ଦୁର୍ଘଟଣାଗ୍ରସ୍ତ ହେବା ମାମଲାରେ ଏୟାରକ୍ରାଫ୍ଟ ଦୁର୍ଘଟଣା ତଦନ୍ତ ବ୍ୟୁରୋ - ଏଏଆଇବି ପକ୍ଷରୁ ଘଟଣାର ତଦନ୍ତ ଆରମ୍ଭ ହୋଇଛି। କେନ୍ଦ୍ର ବିମାନ ଚଳାଚଳ ମନ୍ତ୍ରୀ ରାମମୋହନ ନାଇଡୁ କହିଛନ୍ତି ଏହି ଘଟଣାର ବିସ୍ତୃତ ଯାଞ୍ଚ ପାଇଁ ଏକ ଉଚ୍ଚସ୍ତରୀୟ କମିଟି ଗଠନ ଲାଗି ନିର୍ଦ୍ଦେଶ ଦିଆଯାଇଛି । ଏହି କମିଟି ଭବିଷ୍ୟତରେ ଏହିଭଳି ଦୁର୍ଘଟଣାକୁ ଏଡାଇବା ତଥା ବିମାନ ଚଳାଚଳ ସମ୍ପର୍କିତ ସୁରକ୍ଷାକୁ ଆହୁରି ସୁଦୃଢ଼ କରିବା ଦିଗରେ ପରାମର୍ଶ ଦେବ ।

୨୪୨ଜଣ ଯାତ୍ରୀଙ୍କୁ ନେଇ ଲଣ୍ଡନ ଅଭିମୁଖେ ଯାତ୍ରା କରୁଥିବା ବିମାନଟି ଗତକାଲି ଦୁର୍ଘଟଣାଗ୍ରସ୍ତ ହେବା ଫଳରେ ୨୪୧ଜଣ ଯାତ୍ରୀଙ୍କ ମୃତ୍ୟୁ ହୋଇଥିବା ଏୟାର ଇଣ୍ଡିଆ ପକ୍ଷରୁ ସୂଚନା ଦିଆଯାଇଛି। ଦୁର୍ଘଟଣାରେ ଗୁଜୁରାଟର ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିଜେପିର ବରିଷ୍ଠ ନେତା ବିଜୟ ରୂପାନୀଙ୍କ ମଧ୍ୟ ମୃତ୍ୟୁ ହୋଇଥିବା ସୂଚନା ମିଳିଛି । ଏହି

ଘଟଣାରେ କେବଳ ଜଣେ ଯାତ୍ରୀ ବିଶ୍ୱାସ କୁମାର ରମେଶ ସୁରକ୍ଷିତ ଥିବା ଜଣାପଡିଛି ।

ଟାଟା ଗ୍ରୁପ୍‌ର ଅଧ୍ୟକ୍ଷ ଏନ୍. ଚନ୍ଦ୍ରଶେଖରନ ମୃତକଙ୍କ ପରିବାରବର୍ଗଙ୍କ ପାଇଁ ୧ କୋଟି ଟଙ୍କା ଲେଖାଏଁ ଅନୁକମ୍ପାମୂଳକ ସହାୟତା ରାଶି ଘୋଷଣା କରିଛନ୍ତି ।

ସ୍ୱରାଷ୍ଟ୍ର ମନ୍ତ୍ରୀ ଅମିତ ଶାହା ଗତକାଲି ଘଟଣାସ୍ଥଳ ପରିଦର୍ଶନ କରି ସ୍ଥିତିର ଅନୁଧ୍ୟାନ କରି ମୃତକଙ୍କ ପରିବାରବର୍ଗଙ୍କ ପ୍ରତି ଗଭୀର ସମବେଦନା ଜଣାଇଛନ୍ତି । ସ୍ୱରାଷ୍ଟ୍ରମନ୍ତ୍ରୀ କହିଛନ୍ତି...

**V/O...**

# ଝାଡ଼ାବାନ୍ତି

ଯାଜପୁର ଜିଲ୍ଲାରେ ଝାଡ଼ାବାନ୍ତି ଆକ୍ରାନ୍ତଙ୍କ ସଂଖ୍ୟା ବୃଦ୍ଧି ପାଇବାରେ ଲାଗିଛି । ସ୍ୱାସ୍ଥ୍ୟସଚିବ ଅଶ୍ୱତୀ ଏସ୍ ଗତକାଲି ପ୍ରଭାବିତ ଅଞ୍ଚଳ ପରିଦର୍ଶନ କରି ସ୍ଥିତିର ଅନୁଧ୍ୟାନ କରିଛନ୍ତି । ଏହାପରେ ସ୍ୱାସ୍ଥ୍ୟବିଭାଗର ଅଧିକାରୀମାନଙ୍କ ସହ ସମୀକ୍ଷା ବୈଠକ କରି ସ୍ଥିତି ନିୟନ୍ତ୍ରଣ ପାଇଁ ତ୍ୱରିତ ପଦକ୍ଷେପ ନେବାକୁ ପରାମର୍ଶ ଦେଇଛନ୍ତି । ଜିଲ୍ଲାର ବିଭିନ୍ନ ସ୍ଥାନରେ ଝାଡ଼ାବାନ୍ତି ସଂକ୍ରମଣକୁ ଦୃଷ୍ଟି ରଖି ସ୍ୱାସ୍ଥ୍ୟବିଭାଗ ପକ୍ଷରୁ ଏକ ଭ୍ରାମ୍ୟମାଣ ପରୀକ୍ଷାଗାର କରାଯାଇଛି । ସେହିଭଳି ପ୍ରଭାବିତ ଅଞ୍ଚଳରେ ଜଳ ଓ ଖାଦ୍ୟ ନମୂନା ସଂଗ୍ରହ କରାଯାଇଛି ।

## କରୋନା ଶଯ୍ୟା ବୃଦ୍ଧି

କଟକରେ ୨୪ରୁ ଅଧିକ କରୋନା ସଂକ୍ରମିତ ଚିହ୍ନଟ ହୋଇଛନ୍ତି । ଏହାକୁ ଦୃଷ୍ଟିରେ ରଖି ଏସ୍‌ସିବି ମେଡ଼ିକାଲ କଲେଜ ଓ ହସ୍ପିଟାଲରେ ୪୦ ଶଯ୍ୟା ବିଶିଷ୍ଟ ସଂଗରୋଧ ୱାର୍ଡ ପ୍ରସ୍ତୁତ କରାଯାଇଛି । ଏସ୍‌ସିବିର ସ୍ୱତନ୍ତ୍ର ଡାକ୍ତରୀ ଦଳ ୱାର୍ଡରେ ଭିତ୍ତିଭୂମି ପରଖିବା ସହ ଆଇସିୟୁ ଓ ଭେଣ୍ଟିଲେଟର ବ୍ୟବସ୍ଥାର ତଦାରଖ କରିଛନ୍ତି ।

## ଭଦ୍ରକରେ ଇଣ୍ଟରନେଟ୍ ସେବା ବନ୍ଦ

ଭଦ୍ରକରେ ଗୋଷ୍ଠୀ ସଂଘର୍ଷକୁ ଦୃଷ୍ଟିରେ ରଖି ଜିଲ୍ଲା ପ୍ରଶାସନ ପକ୍ଷରୁ ଇଣ୍ଟରନେଟ୍ ସେବା ବନ୍ଦ କରାଯାଇଛି । ଜିଲ୍ଲାର ତିହିଡି ବ୍ଲକ, ଧାମନଗର ବ୍ଲକ ଏବଂ ଭଦ୍ରକ ପୌରାଞ୍ଚଳରେ ଇଣ୍ଟରନେଟ୍ ସେବାକୁ ୨୪ଘଣ୍ଟା ପାଇଁ ବନ୍ଦ କରାଯାଇଛି । ସୂଚନାଯୋଗ୍ୟ ତିହିଡି ବ୍ଲକ କୁବେରା ପଞ୍ଚାୟତର କସଟି ଗ୍ରାମରେ ଦୁଇଗୋଷ୍ଠୀଙ୍କ ମଧ୍ୟରେ ଗଣ୍ଡଗୋଳ ଘଟି ଚିକିତ୍ସାଧୀନ ଅବସ୍ଥାରେ ଜଣେ ବ୍ୟକ୍ତିଙ୍କ ମୃତ୍ୟୁ ଘଟିଥିଲା ।

## ଯୋଗ ଦିବସ-ଉଦ୍‌ଘାଟନ

ଆୟୁଷ ମନ୍ତ୍ରଣାଳୟ ପକ୍ଷରୁ ନୂଆଦିଲ୍ଲୀର ଜାତୀୟ ଗଣମାଧ୍ୟମ କେନ୍ଦ୍ରରେ ଏକାଦଶ ଅନ୍ତର୍ଜାତୀୟ ଯୋଗ ଦିବସର ଉଦ୍‌ଘାଟନ କରାଯାଇଛି । ଏଥିସହ ଚଳିତବର୍ଷ ଯୋଗ ମହାସମାରୋହର ଆନୁଷ୍ଠାନିକ ଶୁଭାରମ୍ଭ ହୋଇଛି । ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆସନ୍ତା ୨୧ ତାରିଖ ଦିନ

ଆନ୍ଧ୍ରପ୍ରଦେଶର ବିଶାଖାପାଟଣାଠାରେ ଅନୁଷ୍ଠିତ ହେବାକୁ ଥିବା ଜାତୀୟ କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିବେ ।

## ସଡ଼କର ନାମ-ବରପୁତ୍ରଙ୍କ ନାମ

ରାଜ୍ୟରେ ନୂତନ ଭାବେ ନିର୍ମାଣ କରାଯାଉଥିବା ସଡ଼କ ଗୁଡ଼ିକର ନାମ ବରପୁତ୍ରଙ୍କ ନାମରେ ନାମିତ କରାଯିବ ବୋଲି ପୂର୍ତ୍ତମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ କହିଛନ୍ତି । ମନ୍ତ୍ରୀ କହିଛନ୍ତି କଟକରେ ରିଙ୍ଗରୋଡ଼ ପ୍ରକଳ୍ପ କାର୍ଯ୍ୟ ଆରମ୍ଭ ହୋଇଛି। କଟକ-ଭୁବନେଶ୍ୱରକୁ ଯୋଡ଼ିବା ପାଇଁ ରାସ୍ତାକାମ ଜାରି ରହିଛି ବୋଲି ମନ୍ତ୍ରୀ ସୂଚନା ଦେଇଛନ୍ତି ।

## କାର୍ଡ ବଣ୍ଟନ

ଗଞ୍ଜାମ ଜିଲ୍ଲା ବ୍ରହ୍ମପୁରସ୍ଥିତ ସର୍କିଟ୍ ହାଉସ୍‌ଠାରେ ଉପମୁଖ୍ୟମନ୍ତ୍ରୀ କନକବର୍ଦ୍ଧନ ସିଂହଦେଓ ବୟବନ୍ଦନା କାର୍ଡ ବଣ୍ଟନର ଶୁଭାରମ୍ଭ କରିଛନ୍ତି । ଗତକାଲି ଉପମୁଖ୍ୟମନ୍ତ୍ରୀ ୨୪ଜଣ ଆୟୁଷ୍ମାନ ଭାରତ ଯୋଜନା ଓ ୨୧ଜଣ ବୟବନ୍ଦନା ହିତାଧିକାରୀଙ୍କୁ କାର୍ଡ ବଣ୍ଟନ କରିଥିଲେ ।

## ଅଲାରନାଥ ଦର୍ଶନ

ପୁରୀ ଶ୍ରୀମନ୍ଦିରରେ ମହାପ୍ରଭୁଙ୍କ ଅଣସର ଗୁପ୍ତ ନୀତି ଜାରି ରହିଛି । ମହାପ୍ରଭୁଙ୍କ ଶ୍ରୀଅଙ୍ଗ ସେବକ ଦଇତାପତିମାନେ ଶ୍ରୀବିଗ୍ରହମାନଙ୍କ ଗୁପ୍ତସେବା କରୁଛନ୍ତି । ଶ୍ରୀମନ୍ଦିରରେ ପଟିଦିଅଁ ପୂଜା ପାଇବା ସହ

ବ୍ରହ୍ମଗିରିସ୍ଥିତ ମହାପ୍ରଭୁ ଅଲାରନାଥଙ୍କ ଦର୍ଶନ ପାଇଁ ଶ୍ରଦ୍ଧାଳୁଙ୍କ ଭିଡ଼ ଲାଗି ରହିଛି ।

## ବୈଠକ

କେନ୍ଦ୍ରାପଡ଼ା ଟାଉନ୍‌ହଲ୍‌ଠାରେ ରଥଯାତ୍ରା ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଛି । ବୈଠକରେ ରଥଯାତ୍ରା ଓ ବାହୁଡା ଯାତ୍ରାର ନୀତିନିର୍ଘଣ୍ଟ, ରାସ୍ତାଘାଟ ମରାମତି, ବିଦ୍ୟୁତ୍ ଯୋଗାଣ, ପ୍ରାଥମିକ ସ୍ୱାସ୍ଥ୍ୟ ବ୍ୟବସ୍ଥା ଆଦି ସମ୍ପର୍କରେ ଆଲୋଚନା ହୋଇଥିଲା ।

## ପାଣିପାଗ

ରାଜ୍ୟରେ ବର୍ଷାର ପ୍ରଭାବ ଯୋଗୁଁ ତାପମାତ୍ରା ହ୍ରାସ ପାଇଛି । ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ ଆସନ୍ତା ୨୪ଘଣ୍ଟା ମଧ୍ୟରେ ଘଡ଼ଘଡ଼ି ସହ ବର୍ଷା ହେବା ନେଇ ପ୍ରାୟ ସମସ୍ତ ଜିଲ୍ଲାକୁ ସତର୍କ ସୂଚନା ଜାରି କରାଯାଇଛି । ଆସନ୍ତା ୫ ଦିନ ପର୍ଯ୍ୟନ୍ତ ବର୍ଷା ଲାଗି ରହିବା ନେଇ ପାଣିପାଗ କେନ୍ଦ୍ର ପକ୍ଷରୁ ଅନୁମାନ କରାଯାଇଛି ।